ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

କୋଭିଡ୍-୧୯ ପି.ଆର୍. ନଂ-୩୬
ଅପରାହ୍ଣ-୪.୩୦ ଘଟିକା

# ପ୍ରେସ୍ ବିବୃତି

ଭୁବନେଶ୍ୱର : ୧୭ ଅପ୍ରେଲ,୨୦୨୦

କରୋନା ଭୂତାଣୁ ରୋଗ (କୋଭିଡ୍-୧୯)ର ସଂକ୍ରମଣକୁ ପ୍ରତିହତ କରିବା ନିମନ୍ତେ ଓଡ଼ିଶା ସରକାର ଗ୍ରହଣ କରିଥିବା ବିଭିନ୍ନ ପଦକ୍ଷେପ ଉପରେ ରାଜ୍ୟ ସରକାରଙ୍କ ମୁଖ୍ୟ ମୁଖପାତ୍ର ଶ୍ରୀ ସୁବ୍ରତ ବାଗ୍‌ଚୀ, ଏବଂ ସୂଚନା ଓ ଲୋକସଂପର୍କ ବିଭାଗର କମିଶନର ତଥା ଶାସନ ସଚିବ ଶ୍ରୀ ସଂଜୟ କୁମାର ସିଂ ଆଜି ଅପରାହ୍ଣରେ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି ।

- ସବୁବେଳେ ଲୋକଙ୍କ ସହ ରହିବା ଏବଂ ପ୍ରତିଟି ଲୋକର କଲ୍ୟାଣ ଓ ଉନ୍ନତି ପାଇଁ କାର୍ଯ୍ୟ କରିବା ବିଜୁବାବୁଙ୍କ ମନ୍ତ୍ର ଥିଲା: ଯାହା ଲୋକଙ୍କ ସେବା ପାଇଁ ଆମକୁ ସର୍ବଦା ଅନୁପ୍ରାଣିତ କରିଆସିଛି । ପୁଣ୍ୟାତ୍ମା, ଓଡ଼ିଶାର ବରପୁତ୍ର ଓ ମହାନ ଜନନାୟକ ବିଜୁ ପଟ୍ଟନାୟକଙ୍କ ତିରୋଧାନ ଦିବସରେ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଏହି ମର୍ମରେ ବିନମ୍ର ଶ୍ରଦ୍ଧାଞ୍ଜଳି ଜଣାଇଛନ୍ତି ।

- କୋଭିଡ୍-୧୯ ବିରୁଦ୍ଧରେ ସଂଗ୍ରାମକୁ ଅଧିକ ଶକ୍ତିଶାଳୀ କରିବା ପାଇଁ ପୁରୀଠାରେ ୨୦୦ ଶଯ୍ୟାବିଶିଷ୍ଟ କୋଭିଡ୍-୧୯ ହସ୍‌ପିଟାଲ୍ ଆରମ୍ଭ ହୋଇଛି । ଓଡ଼ିଶା ଖଣି ନିଗମର ସହାୟତାରେ ଅତି କମ୍ ସମୟ ମଧ୍ୟରେ ଏହି ହସ୍‌ପିଟାଲ୍ ପ୍ରସ୍ତୁତ ହୋଇଥିବାରୁ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଜିଲ୍ଲା ପ୍ରଶାସନକୁ ପ୍ରଶଂସା କରିଛନ୍ତି ।

- କୋଭିଡ୍-୧୯ ପରିସ୍ଥିତିରେ ଭୁବନେଶ୍ୱର ସ୍ଥିତି ଅନୁଧ୍ୟାନ କରି ରାଜ୍ୟ ସରକାର ଭୁବନେଶ୍ୱରକୁ କରୋନା ମୁକ୍ତ କରିବା ଉପରେ ଗୁରୁତ୍ୱ ଆରୋପ କରିଛନ୍ତି ଏବଂ ଆଗାମୀ ସପ୍ତାହ ମଧ୍ୟରେ ୫୦୦୦ ନମୁନା ପରୀକ୍ଷା ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଛି । ଏହା ଫଳରେ ଭୁବନେଶ୍ୱର ସହରରେ ନମୁନା ପରୀକ୍ଷା ହାର ଦେଶର ଅନ୍ୟ ସହର ତୁଳନାରେ ସର୍ବାଧିକ ହେବ । ଏହି ଲକ୍ଷ୍ୟ ହାସଲ କରିବା ପାଇଁ ସରକାର କାର୍ଯ୍ୟ ଖସଡ଼ା ପ୍ରସ୍ତୁତ କରିଛନ୍ତି । କେଉଁମାନଙ୍କର ନମୁନା ପରୀକ୍ଷା ହେବ ସେଥିପାଇଁ ଆଇସିଏମ୍ଆର୍‌ର ନିର୍ଦ୍ଦେଶନାମା ଅନୁସାରେ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ତରଫରୁ ସମ୍ବେଦନପ୍ରବଣ ବର୍ଗଙ୍କ ତାଲିକା ପ୍ରସ୍ତୁତ କରାଯାଇଛି ।

  କ) ଏଥିପାଇଁ ସମସ୍ତ ପ୍ରକାର ପ୍ରଶାସନିକ ପଦକ୍ଷେପ ଗ୍ରହଣ କରାଯାଇଛି । ବରିଷ୍ଠ ପ୍ରଶାସନିକ ଅଧିକାରୀମାନଙ୍କୁ ଜୋନ୍‌ୱାରୀ ପର୍ଯ୍ୟବେକ୍ଷକ ଭାବେ ଦାୟିତ୍ୱ ଦିଆଯାଇଛି ।

  ଖ) ସ୍ୱେଚ୍ଛାକୃତ ଭାବେ ନମୁନା ପରୀକ୍ଷଣ ପାଇଁ ଲୋକେ ଆଗେଇ ଆସିବାକୁ ମୁଖ୍ୟ ଶାସନ ସଚିବ ଶ୍ରୀଯୁକ୍ତ ଅସିତ୍ ତ୍ରିପାଠୀ ଅନୁରୋଧ କରିଛନ୍ତି ।

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**

ଗ) ଏଥି ପାଇଁ ସେ ବିଭିନ୍ନ ନାଗରିକ କଲ୍ୟାଣ କମିଟି, ପୂଜା କମିଟି, ସାହିବସ୍ତିର ମୁଖିଆ ତଥା ନେତୃବୃନ୍ଦଙ୍କୁ ଏଥିରେ ସହଯୋଗ କରିବା ପାଇଁ ଅନୁରୋଧ କରିଛନ୍ତି ।

ଘ) ଏହି ନମୁନା ସଂଗ୍ରହଣ କାର୍ଯ୍ୟରେ ସହଯୋଗ ନକଲେ ଆଇନ ଅନୁସାରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇପାରେ ।

- ଭାରତୀୟ ମହାମାରୀ ଆଇନ୍ ୧୮୯୭ ଆଧାରରେ ଓଡ଼ିଶା ସରକାର ନିର୍ଦ୍ଦେଶନାମା ଜାରି କରି ସର୍ବସାଧାରଣ ସ୍ଥାନରେ ଛେପ ପକାଇବାକୁ ଏକ ଅପରାଧ ଭାବେ ଘୋଷଣା କରିଛନ୍ତି । ଏଥିରେ ଜରିମାନାର ବ୍ୟବସ୍ଥା ରହିଛି । ଉଲ୍ଲଂଘନକାରୀମାନଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ବ୍ଲକ୍‌ସ୍ତରୀୟ ସଂପ୍ରସାରଣ ଅଧିକାରୀ, ଅତିରିକ୍ତ ତହସିଲଦାର, ପୌରାଞ୍ଚଳ ୱାର୍ଡ ଅଧିକାରୀଙ୍କ ସମେତ ପୁଲିସ୍ କର୍ମଚାରୀମାନଙ୍କୁ କ୍ଷମତା ପ୍ରଦାନ କରାଯାଇଛି ।

- କୃଷି ଓ କୃଷିଜନିତ ସମସ୍ୟାର ସମାଧାନ ତଥା କୃଷକମାନଙ୍କ ସହାୟତା ନିମନ୍ତେ କୃଷି ଓ କୃଷକ ସଶକ୍ତିକରଣ ବିଭାଗ ତରଫରୁ ଆମ କୃଷି ଲାଇଭ୍ କଲ୍ ସେଣ୍ଟର ନଂ-୧୮୦୦୧୦୨୫୧୬୬ ଜାରି କରାଯାଇଛି । ଏହି ନମ୍ବରଟି ପ୍ରତ୍ୟହ ଦିନ ୧୨ଟାରୁ ରାତି ୮ଟା ପର୍ଯ୍ୟନ୍ତ ସୋମବାରରୁ ଶନିବାର ପର୍ଯ୍ୟନ୍ତ ଖୋଲା ରହିବ । ଅନ୍ୟ ସମୟରେ ଚାଷୀଭାଇମାନେ ସେମାନଙ୍କ ସମସ୍ୟାକୁ କଲ୍ ସେଣ୍ଟରରେ ରେକର୍ଡ କରିପାରିବେ ଏବଂ 'ଆମ କୃଷି' ଟିମ୍ ଚବିଶ ଘଣ୍ଟା ମଧ୍ୟରେ ସେମାନଙ୍କ ପାଖରେ ପହଞ୍ଚିବେ ।

- ଓଡ଼ିଶାର ବିଭିନ୍ନ ସ୍ଥାନରେ ଅଟକି ରହିଥିବା ବାହାର ରାଜ୍ୟର ପ୍ରାୟ ୭୭,୫୦୦ ଅତିଥି ଶ୍ରମଜୀବୀଙ୍କୁ ୨୫୮୩ ଟି ଶିବିର ଜରିଆରେ ଖାଇବା ଓ ରହିବା ସୁବିଧା ସହିତ ଆବଶ୍ୟକ ସ୍ୱାସ୍ଥ୍ୟସେବା ଯୋଗାଇ ଦିଆଯାଇଛି । ଏହି ସବୁ ଅତିଥି ଶ୍ରମଜୀବୀ ମାନେ ଦେଶର ଅନ୍ୟାନ୍ୟ ରାଜ୍ୟରୁ ଆସି ଓଡ଼ିଶାର ବିଭିନ୍ନ ସ୍ଥାନରେ ରହିଛନ୍ତି । ଅଭିଯୋଗ ଗ୍ରହଣ ପାଇଁ ଶ୍ରମଜୀବୀ ସହାୟତା କଲ୍ ସେଣ୍ଟର ଟୋଲ୍ ଫ୍ରି ନଂ-୧୮୦୦୩୪୫୬୭୦୩ ଜାରି କରାଯାଇଛି ।

- ଆଜି ରାଜ୍ୟର ୫୪୧୧ ଗ୍ରାମ ପଞ୍ଚାୟତରେ ୩,୩୬,୬୦୧ ଜଣ ନିରାଶ୍ରୟ ଓ ଅସହାୟ ଲୋକଙ୍କୁ ରନ୍ଧାଖାଦ୍ୟ ଯୋଗାଇ ଦିଆଯାଇଛି । ସେହିପରି ୧୧୩ ଟି ପୌରାଞ୍ଚଳରେ ୩୬,୪୧୮ ଜଣଙ୍କୁ ରନ୍ଧାଖାଦ୍ୟ ଦିଆଯାଇଛି ।

- ରାଜ୍ୟରେ କୋଭିଡ୍-୧୯ ନିୟମ ଏବଂ ମାର୍ଗଦର୍ଶିକା ଉଲ୍ଲଂଘନ କରିଥିବା ଅଭିଯୋଗରେ ଅପ୍ରେଲ ୧୬ରୁ ଅପ୍ରେଲ ୧୭ ତାରିଖ ସକାଳ ପର୍ଯ୍ୟନ୍ତ ୨୪ ଘଣ୍ଟା ମଧ୍ୟରେ ୧୨୨ଟି ମାମଲା ଦାୟର କରାଯାଇଛି । ସେଥିରୁ ୧୧୭ଟି ମାମଲା ଲକ୍ ଡାଉନ୍ ସଂପର୍କିତ ହୋଇଥିବାବେଳେ ୧ଟି ଗୁଜବ ସୃଷ୍ଟି ପାଇଁ ଏବଂ ୪ଟି ଅନ୍ୟାନ୍ୟ କାରଣ ପାଇଁ ଅଟେ । ବିଭିନ୍ନ ଅଭିଯୋଗରେ ୨୫୨ ଜଣଙ୍କୁ ଗିରଫ କରାଯାଇଛି ।

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୭୫୭୭ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୬୦ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୧୯ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ଜଣେ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୪୦ ରହିଛି ।
- ୧୦୪ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ଅଛନ୍ତି ।

ସୁଚେତା ପ୍ରିୟଦର୍ଶିନୀ
ସୂଚନା ଅଧିକାରୀ

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**